# ସାହିତ୍ୟ ଏକାଡେ଼ମୀ ପ୍ରେକ୍ଷାଳୟ ଉଦ୍‌ଘାଟିତ




କଲିକତା, ୨୭ । ୬ (ନି.ପ୍ର): କେନ୍ଦ୍ର ସାହିତ୍ୟ ଏକାଡେମୀର କଲିକତା ଆଞ୍ଚଳିକ କାର୍ଯ୍ୟାଳୟ ପରିସରରେ ନୂତନ ପୁସ୍ତକ ବିକ୍ରୟ କେନ୍ଦ୍ର ଏବଂ ନବୀକୃତ ପ୍ରେକ୍ଷାଳୟ ଉଦ୍‌ଘାଟିତ ହୋଇଯାଇଛି । ସାହିତ୍ୟ ଏକାଡେମୀର ସଭାପତି ଡକ୍ଟର ମାଧବ କୌଶିକ ଏବଂ ବଙ୍ଗଳା ଉପଦେଷ୍ଟା ପରିଷଦର ଆବାହକ ତଥା ପଶ୍ଚିମବଙ୍ଗ ଶିକ୍ଷା ମନ୍ତ୍ରୀ ଡ.ବ୍ରାତ୍ୟ ବସୁ ଏହି ପ୍ରେକ୍ଷାଳୟକୁ ଆନୁଷ୍ଠାନିକ ଉଦ୍‌ଘାଟନ କରିଥିଲେ । ଆୟୋଜିତ ସଭାରେ ଏକାଡେମୀର ସଚିବ ଡକ୍ଟର କେ. ଶ୍ରୀନିବାସରାଓ ସ୍ୱାଗତ ଭାଷଣ ପ୍ରଦାନ କରି କହିଥିଲେ ଯେ ଦୀର୍ଘଦିନରୁ ପାଠକମାନେ କଲିକତା କାର୍ଯ୍ୟାଳୟ ପରିସରରେ ଏକ ପୁସ୍ତକ ବିକ୍ରୟ କେନ୍ଦ୍ର ପ୍ରତିଷ୍ଠା ହେଉ ବୋଲି ଦାବି କରୁଥିଲେ । ତାହା ଆଜି ସାକାର ହୋଇଛି । ଏହା ଦ୍ୱାରା ପାଠକ-ପାଠିକା ଏବଂ ଗବେଷକ-ଗବେଷିକାମାନେ ଉପକୃତ ହେବେ । ସାହିତ୍ୟ ଏକାଡେମୀ ଦ୍ୱାରା ପ୍ରକାଶିତ ୨୪ ଭାଷାର ପୁସ୍ତକ ଏଠାରେ ଉପଲବ୍ଧ ହେବ । ପୁରୁଣା ପ୍ରେକ୍ଷାଳୟର ନବୀକରଣ କରାଯାଇଥିବାରୁ ସାରସ୍ୱତ କାର୍ଯ୍ୟକ୍ରମ ଆୟୋଜନ ଆହୁରି ପ୍ରସାରିତ ହେବ । ସାହିତ୍ୟ ଏକାଡେମୀର ସଭାପତି ଡକ୍ଟର ମାଧବ କୌଶିକ କହିଥିଲେ ଯେ ପୁସ୍ତକ ବିକ୍ରୟ କେନ୍ଦ୍ର ହେଉଛି ଏକ ବୌଦ୍ଧିକ ସମ୍ପତ୍ତି । କଲିକତା ହେଉଛି ସାହିତ୍ୟ ଓ ସଂସ୍କୃତିର ପୀଠ । ଏଠିକାର ସାରସ୍ୱତ ଧାରା ଓ ସମଗ୍ର ପୂର୍ବାଞ୍ଚଳର ସାହିତ୍ୟକୁ ଆଗେଇ ନେବାରେ ଏହି ପୁସ୍ତକ ବିକ୍ରୟ କେନ୍ଦ୍ର ଏବଂ ନବୀକୃତ ପ୍ରେକ୍ଷାଳୟର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିବ । ବଙ୍ଗଳା ଉପଦେଷ୍ଟା ମଣ୍ଡଳୀର ଆବାହକ ଶିକ୍ଷା ମନ୍ତ୍ରୀ ଡ. ବସୁ କହିଥିଲେ ଯେ ପଶ୍ଚିମବଙ୍ଗ ସବୁବେଳେ ବହୁଭାଷୀ ପରମ୍ପରାକୁ ସ୍ୱୀକାର କରିଥାଏ । ଏହି ପୁସ୍ତକ କେନ୍ଦ୍ର ବଙ୍ଗଳା ସହିତ ଦେଶର ପୂର୍ବାଞ୍ଚଳର ବିଭିନ୍ନ ଭାଷାର ପୁସ୍ତକ ପହଞ୍ଚାଇବାର କାର୍ଯ୍ୟ କରିବ । ବିଗତ ତିନିବର୍ଷ ମଧ୍ୟରେ ଏକାଡେମୀ ପକ୍ଷରୁ ବହୁବିଧ କାର୍ଯ୍ୟକ୍ରମ ଆୟୋଜନ ଏବଂ ଅନେକ ମୂଲ୍ୟବାନ ପୁସ୍ତକ ପ୍ରକାଶନ ହୋଇଥିବାର ସେ ସୂଚନା ଦେଇଥିଲେ । କାର୍ଯ୍ୟକ୍ରମର ଅନ୍ୟତମ ଅତିଥି କବି ସୁବୋଧ ସରକାର ପୁସ୍ତକ କେନ୍ଦ୍ର ଓ ନବୀକୃତ ପ୍ରେକ୍ଷାଳୟ ନିର୍ମାଣ ପାଇଁ ଏକାଡେମୀକୁ ଧନ୍ୟବାଦ ଜଣାଇଥିଲେ । କାର୍ଯ୍ୟକ୍ରମ ପରିଚାଳନା କରି ସାହିତ୍ୟ ଏକାଡେମୀ କଲିକତା କାର୍ଯ୍ୟାଳୟର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାଏକ କହିଥିଲେ ସାହିତ୍ୟ ଏବଂ ସାହିତ୍ୟିକଙ୍କ ମଧ୍ୟରେ ମେଳବନ୍ଧନ ଘଟାଇ ସର୍ଜନାତ୍ମକ ଦିଗକୁ ପ୍ରସାର ନିମିତ୍ତ ଏକାଡେମୀ କାର୍ଯ୍ୟ କରି ଚାଲିଛି । ଆଜିର କାର୍ଯ୍ୟକ୍ରମ ତାର ନିଦର୍ଶନ । ବିଶେଷ କରି ୨୪ଟି ଭାଷା ସାହିତ୍ୟର ବିକାଶ ନିମିତ୍ତ ଆଜି ଏକ ପ୍ରମୁଖ ଦିଗ ପ୍ରକାଶକୁ ଆସିଛି । ପରେ ଏକ ସ୍ୱତନ୍ତ୍ର କବିତା ସନ୍ଧ୍ୟା କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା । ଏଥିରେ ସଭାପତିତ୍ୱ କରିଥିଲେ ବିଶିଷ୍ଟ କବି ସୁବୋଧ ସରକାର । ସ୍ୱରଚିତ କବିତା ପାଠ କରିଥିଲେ କବି ଅର୍ଣ୍ଣବ ସାହା, ବିଭାସ ରାୟ ଚୌଧୁରୀ, ଚଇତାଳି ଚଟ୍ଟୋପାଧ୍ୟାୟ, ନିର୍ମାଲ୍ୟ ମୁଖୋପାଧ୍ୟାୟ ଏବଂ ଶିବାଶିଷ ମୁଖୋପାଧ୍ୟାୟ । ପଠିତ କବିତାଗୁଡ଼ିକରେ ସମକାଳର ବିବିଧ ଚିତ୍ର, ଘଟଣା, ମାନବିକ ମୂଲ୍ୟବୋଧ, ସମାଜର ବୈଚିତ୍ର୍ୟ ଗୁମ୍ଫିତ ହୋଇଥିଲା । ଶେଷରେ ମାଧବ କୌଶିକଙ୍କ ଗଜଲ ଏବଂ ସୁବୋଧ ସରକାରଙ୍କ କବିତା ଶ୍ରୋତାଙ୍କୁ ମୁଗ୍ଧ କରିଥିଲା । କାର୍ଯ୍ୟକ୍ରମ ଆରମ୍ଭରେ କବିମାନଙ୍କୁ ଉତ୍ତରୀୟ ପ୍ରଦାନ ପୂର୍ବକ ସମ୍ବର୍ଦ୍ଧିତ କରିଥିଲେ ଏକାଡେମୀର ସଚିବ ଡକ୍ଟର କେ. ଶ୍ରୀନିବାସରାଓ । କାର୍ଯ୍ୟକ୍ରମରେ ବହୁସଂଖ୍ୟକ ଲେଖକ ଲେଖିକା ଯୋଗ ଦେଇଥିଲେ ।